## ଆଜି ଅନୁଗୋଳରୁ ୬ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ପହଞ୍ଚିଲା ୨୬୫ ରେ ।

ଅନୁଗୋଳ,୨୭.୦୭ :- ଆଜି ଅନୁଗୋଳ ଜିଲ୍ଲାରୁ ୬ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୪ ଜଣ,ତାଳଚେର ଓ କିଶୋରନଗର ବ୍ଲକ୍ ଅଂଚଳରୁ ଜଣେ ଲେଖାଏଁ ପଜିଟିଭ ଚିହ୍ନଟ ହୋଇଛନ୍ତି । ଆଠମଲ୍ଲିକ ବ୍ଲକ୍ ଅଂଚଳର ଏକ ଅସ୍ଥାୟୀ ମେଡିକାଲ ଶିବିରରୁ ଚିହ୍ନଟ ହୋଇଥିବା ୪ ଜଣ ପୁରୁଷଙ୍କ ବୟସ ଯଥାକ୍ରମେ ୨୫,୩୫,୨୮ ଓ ୪୨ ବର୍ଷ ଅଟେ । ଏମାନଙ୍କ ମଧ୍ୟରୁ ୨୫ ଓ ୨୮ ବର୍ଷିୟ ୨ ଜଣ ପୁରୁଷ କର୍ଣ୍ଣାଟକରୁ ଫେରିଥିବାବେଳେ ୩୫ ବର୍ଷିୟ ପୁରୁଷ ଗୁଜୁରାଟ ଓ ୪୨ ବର୍ଷିୟ ପୁରୁଷ ମହାରାଷ୍ଟ୍ରରୁ ଫେରି ସଂଗରୋଧରେ ଥିଲେ । ତାଳଚେର ବ୍ଲକ୍ ଅଂଚଳରୁ ଜଣେ ୨୫ ବର୍ଷୀୟ ଯୁବକ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି କିଶୋରନଗର ବ୍ଲକ୍ ଅଂଚଳର ଜଣେ ୬୫ ବର୍ଷିୟା ମହିଳା ଭୁବନେଶ୍ୱରର ଏକ ଘରୋଇ ହସପିଟାଲରେ ଚିକିତ୍ସାଧୀନ ଅବସ୍ଥାରେ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ଏହି ୬ ଜଣ ଆକ୍ରାନ୍ତଙ୍କ ମଧ୍ୟରୁ ୫ ଜଣଂକୁ ଆଜି ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଇଛି ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି । ଏଥିସହିତ ଜିଲ୍ଲାରେ ଆକ୍ରାନ୍ତଙ୍କ ସଂଖ୍ୟା ୨୬୫ରେ ପହଂଚିଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୪୮୭ ତା.୨୭.୭.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

୨୭/୭/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ ।